ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/H&FW (OD))/914/22-12-2020**

# କୋଭିଡ୍ ଟୀକାକରଣ ନିମନ୍ତେ ସଂପୂର୍ଣ୍ଣ ପ୍ରସ୍ତୁତ ରୁହ
# : ଅତିରିକ୍ତ ମୁଖ୍ୟ ଶାସନ ସଚିବ

ଭୁବନେଶ୍ୱର, ତା.୨୨/୧୨/୨୦୨୦

କୋଭିଡ୍ ଟୀକାକରଣ ସମ୍ବନ୍ଧୀୟ ସଚେତନତାର ବ୍ୟାପକ ପ୍ରସାର ଓ ଟୀକାକରଣ ନିମନ୍ତେ ସଂପୂର୍ଣ୍ଣ ପ୍ରସ୍ତୁତ ହୋଇ ରହିବାକୁ ଅତିରିକ୍ତ ମୁଖ୍ୟ ଶାସନ ସଚିବ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଶ୍ରୀ ପ୍ରଦୀପ୍ତ କୁମାର ମହାପାତ୍ର ରାଜ୍ୟର ସମସ୍ତ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

ଆଜି ଅପରାହ୍ଣରେ ଲୋକସେବା ଭବନର ତୃତୀୟ ମହଲା ସମ୍ମିଳନୀ କକ୍ଷରେ ଅତିରିକ୍ତ ମୁଖ୍ୟ ଶାସନ ସଚିବ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଶ୍ରୀ ମହାପାତ୍ରଙ୍କ ଅଧ୍ୟକ୍ଷତାରେ କୋଭିଡ୍ ଟୀକାକରଣ ପାଇଁ ଗଠିତ ରାଜ୍ୟ ଷ୍ଟିଅରିଂ କମିଟିର ବୈଠକ ଅନୁଷ୍ଠିତ ହୋଇଯାଇଛି ।

କୋଭିଡ୍ ଟୀକାକରଣ ପାଇଁ ରାଜ୍ୟର ସମସ୍ତ ଜିଲ୍ଲା ଓ ବ୍ଲକ୍‌ସ୍ତରରେ ବ୍ୟାପକ ବ୍ୟବସ୍ଥା କରିବା ଓ ଏହି କାର୍ଯ୍ୟରେ ନିୟୋଜିତ ଥିବା କର୍ମଚାରୀମାନଙ୍କୁ ଠିକ୍ ଭାବେ ତାଲିମ ଦେବା ଓ ଆବଶ୍ୟକ ହେଲେ ବିଭିନ୍ନ ବ୍ଲକ୍‌ଗୁଡ଼ିକୁ ଯାଇ ସମୟୋଚିତ ଭାବେ ଟୀକାକରଣ ପ୍ରସ୍ତୁତିକୁ ଅନୁଧ୍ୟାନ କରିବାକୁ ଶ୍ରୀ ମହାପାତ୍ର ଜିଲ୍ଲାପାଳମାନଙ୍କୁ ପରାମର୍ଶ ଦେଇଛନ୍ତି ।

କୋଭିଡ୍ ଟୀକାକରଣ କାର୍ଯ୍ୟକ୍ରମର ସଠିକ୍ ରୂପାୟନ କିପରି ହୋଇପାରିବ, ସେ ସମ୍ବନ୍ଧରେ ବିସ୍ତୃତ ଆଲୋଚନା କରି ଜାତୀୟ ସ୍ୱାସ୍ଥ୍ୟ ମିଶନ, ଓଡ଼ିଶାର ପରିଚାଳନା ନିର୍ଦ୍ଦେଶିକା ଶ୍ରୀମତୀ ଶାଳିନୀ ପଣ୍ଡିତ ସମସ୍ତ କାର୍ଯ୍ୟକର୍ତ୍ତା ଓ କର୍ମଚାରୀଙ୍କୁ ଏହାର ଗୁରୁତ୍ୱପୂର୍ଣ୍ଣ ଦିଗଗୁଡ଼ିକ ସଂପର୍କରେ ବୁଝାଇଥିଲେ । ଏହାଛଡ଼ା ଯେକୌଣସି ପାର୍ଶ୍ୱପ୍ରତିକ୍ରିୟାକୁ ଦକ୍ଷତାର ସହ କିପରି ମୁକାବିଲା କରାଯାଇପାରିବ ସେ ବିଷୟରେ ଆଲୋଚନା କରିଥିଲେ । କୋଭିଡ୍ ଟୀକାକରଣ ପାଇଁ ପ୍ରଥମ ପର୍ଯ୍ୟାୟରେ ସ୍ୱାସ୍ଥ୍ୟକର୍ମୀ ଓ ଅନ୍ୟାନ୍ୟ କୋଭିଡ୍ ଯୋଦ୍ଧା ତଥା ୫୦ ବର୍ଷରୁ ଊର୍ଦ୍ଧ୍ୱ ବ୍ୟକ୍ତି ଏବଂ ୫୦ ବର୍ଷରୁ କମ୍ ଅଣସଂକ୍ରାମକ ରୋଗୀଙ୍କୁ ଚିହ୍ନଟ କରିବା ଓ ଟୀକାକରଣ ସମ୍ବନ୍ଧୀୟ ସ୍ଥାନ କିପରି ନିରୂପଣ କରାଯିବ ତା'ର ମାର୍ଗଦର୍ଶିକା ସମ୍ବନ୍ଧରେ ମଧ୍ୟ ଶ୍ରୀମତୀ ପଣ୍ଡିତ ଆଲୋକପାତ କରିଥିଲେ ।

ଓସ୍ୱାନ୍ ପ୍ଲାଟ୍‌ଫର୍ମ ଜରିଆରେ ଅନୁଷ୍ଠିତ ହୋଇଥିବା ଏହି ବୈଠକରେ ସ୍ୱାସ୍ଥ୍ୟ ବିଭାଗର ଉଚ୍ଚ ପଦାଧିକାରୀ, ସମସ୍ତ ନିର୍ଦ୍ଦେଶକ, ସବୁ ଜିଲ୍ଲାର ଜିଲ୍ଲାପାଳ, ମୁଖ୍ୟ ଚିକିତ୍ସାଧିକାରୀ ଓ ଜନସ୍ୱାସ୍ଥ୍ୟ ଅଧିକାରୀମାନେ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ